ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID/IPR/GA&PG/154-05/06/2026




# ଓଡ଼ିଶା ଓ ଜାପାନର ତତ୍ତୋରି ପ୍ରଦେଶ ସହିତ
# ମୈତ୍ରୀ ଚୁକ୍ତି ନେଇ ଆଲୋଚନା

## ଓଡ଼ିଶା ଏବଂ ତତ୍ତୋରି ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବଙ୍କ ଓ ଅଧିକାରୀମାନଙ୍କ ସହିତ ଆଭାସୀ ବୈଠକ

## ଅର୍ଥନୀତି, ପର୍ଯ୍ୟଟନ ଓ ଯୁବ ବିନିମୟ କ୍ଷେତ୍ରରେ ସହଯୋଗ ଉପରେ ଗୁରୁତ୍ୱ

ଭୁବନେଶ୍ୱର, ୫ ଜୁନ : ୨୦୨୬

ଓଡ଼ିଶା ସରକାର ଏବଂ ଜାପାନର ତତ୍ତୋରି ସରକାରଙ୍କ ମଧ୍ୟରେ ପ୍ରସ୍ତାବିତ ମୈତ୍ରୀ ଚୁକ୍ତି ( ଫ୍ରେଣ୍ଡସିପ୍ ଏଗ୍ରିମେଣ୍ଟ ) ସମ୍ପର୍କିତ ଏକ ଅନଲାଇନ ବୈଠକ ଆଜି ଅନୁଷ୍ଠିତ ହୋଇଛି । ଉଭୟ ପକ୍ଷ ମଧ୍ୟରେ ଦୀର୍ଘମିଆଦୀ ସହଯୋଗ ଓ ପାରସ୍ପରିକ ସମ୍ପର୍କକୁ ଆହୁରି ସୁଦୃଢ଼ କରିବା ଲକ୍ଷ୍ୟରେ ବିଭିନ୍ନ ବିଷୟ ଉପରେ ଫଳପ୍ରଦ ଆଲୋଚନା ହୋଇଥିଲା । ବୈଠକରେ  ତତ୍ତୋରି ସରକାରଙ୍କ ପକ୍ଷରୁ  ଓଡ଼ିଶା ସରକାରଙ୍କ ସହିତ ଅର୍ଥନୈତିକ ସହଯୋଗ, ପର୍ଯ୍ୟଟନ, ସାଂସ୍କୃତିକ ଆଦାନ-ପ୍ରଦାନ, ଛାତ୍ର ଓ ଯୁବ ବିନିମୟ, ଏବଂ ମାନବ ସମ୍ବଳ ବିକାଶ ଭଳି କ୍ଷେତ୍ରରେ ସହଯୋଗ ବୃଦ୍ଧି ପାଇଁ ଦିଆଯାଇଥିବା ମୈତ୍ରୀ ଚୁକ୍ତିର ଖସଡ଼ା ପ୍ରସ୍ତାବ ସଂପର୍କରେ ଆଲୋଚନା କରାଯାଇଥିଲା ।

ବୈଠକର ପ୍ରାରମ୍ଭରେ  ଓଡ଼ିଶା ରାଜ୍ୟ  ସରକାରଙ୍କ ପକ୍ଷରୁ ମୁଖ୍ୟ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗ  ଏବଂ ତତ୍ତୋରି ରାଜ୍ୟ ସରକାରଙ୍କ ମୁଖ୍ୟ ସଚିବ ଏଣ୍ଡୋ  ତୋଶିକି ଉଭୟ ସରକାରଙ୍କ ପକ୍ଷରୁ ପରସ୍ପରକୁ ଶୁଭେଚ୍ଛା ଜଣାଇଥିଲେ ।  ତୋତ୍ତୋରି ସରକାରଙ୍କ ପକ୍ଷରୁ ଅନ୍ୟମାନଙ୍କ ମଧ୍ୟରେ ପର୍ଯ୍ୟଟନ ଓ ଆନ୍ତର୍ଜାତିକ ଆଦାନ-ପ୍ରଦାନ ବ୍ୟୁରୋ, ତତ୍ତୋରି ବିକାଶ କାର୍ଯ୍ୟାଳୟ, ଗୃହ ଓ ଆନ୍ତର୍ଜାତିକ ବ୍ୟାପାର ଡିଭିଜନ, ବାଣିଜ୍ୟ ଓ ଲଜିଷ୍ଟିକ୍ସ ବିଭାଗ ଆଦି ପଦାଧିକାରୀ ଏବଂ ଆନ୍ତର୍ଜାତୀୟ ସଂପର୍କ ସଂଯୋଜକ ଏବଂ ଜାପାନସ୍ଥିତ ଭାରତୀୟ ଦୂତାବାସର ପ୍ରତିନିଧି ମଧ୍ୟ ଯୋଗଦେଇଥିଲେ ।  ଲୋକସେବା ଭବନରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ  ଗୃହ, ଶିଳ୍ପ, ସୂଚନା ଓ ଲୋକ ସଂପର୍କ

ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ,  କ୍ରୀଡ଼ା ଓ ଯୁବସେବା, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା  ବିଭାଗ କମିଶନର ତଥା ଶାସନ ସଚିବ, ଇପିକଲର ପରିଚାଳନା ନିର୍ଦ୍ଦେଶକ ଓ ଅନ୍ୟ ବରିଷ୍ଠ ପଦାଧିକାରୀମାନେ ଉପସ୍ଥିତ ଥିଲେ । ଓଡ଼ିଶା ପର୍ଯ୍ୟଟନ ବିଭାଗ କମିଶନର ତଥା ଶାସନ ସଚିବ, ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ବିଭାଗ କମିଶନର ତଥା ଶାସନ ସଚିବ ପ୍ରମୁଖ ଆଭାସୀ ମାଧ୍ୟମରେ ଯୋଗଦେଇଥିଲେ।

ବୈଠକରେ ତତ୍ତୋରି ପ୍ରଦେଶର ପ୍ରତିନିଧି ଦଳଙ୍କ ଆଗାମୀ ଓଡ଼ିଶା ଗସ୍ତ ନେଇ ମଧ୍ୟ ଆଲୋଚନା ହୋଇଥିଲା । ଚଳିତ ବର୍ଷ ଜୁଲାଇ ମାସରେ ତତ୍ତୋରି ସରକାରଙ୍କ ଏକ କାର୍ଯ୍ୟ-ସ୍ତରୀୟ  ପ୍ରତିନିଧି ଦଳ ଓଡ଼ିଶା ଗସ୍ତ କରିବାକୁ ଥିବାବେଳେ ନଭେମ୍ବର ମାସରେ ଟୋଟୋରି ପ୍ରଦେଶର ରାଜ୍ୟପାଳଙ୍କ ନେତୃତ୍ୱରେ ଏକ ଉଚ୍ଚସ୍ତରୀୟ ପ୍ରତିନିଧି ଦଳ ଓଡ଼ିଶା ଆସିବେ ବୋଲି ସୂଚନା ଦିଆଯାଇଥିଲା । ଏହି ପ୍ରସ୍ତାବିତ ମୈତ୍ରୀ ଚୁକ୍ତି ମାଧ୍ୟମରେ ଉଭୟ ରାଜ୍ୟ ମଧ୍ୟରେ କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ କ୍ଷେତ୍ରରେ ସହଯୋଗ, ସ୍ଥାନୀୟ ଉତ୍ପାଦର ପ୍ରୋତ୍ସାହନ, ଶିକ୍ଷା ଓ ଦକ୍ଷତା ବିକାଶ, ପର୍ଯ୍ୟଟନର  ପ୍ରଚାର ଏବଂ ପାରସ୍ପରିକ ଜନ ସମ୍ପର୍କ ବୃଦ୍ଧି ପାଇଁ ନୂତନ ସୁଯୋଗ ସୃଷ୍ଟି ହେବ ବୋଲି ଆଶା କରାଯାଉଛି ।

ପ୍ରକାଶ ଥାଉକି ଗତ ମଇ ୨୦ ତାରିଖରେ କୋଲକାତାସ୍ଥିତ ଜାପାନର ମହାବାଣିଜ୍ୟ ଦୂତ ଓଡ଼ିଶା ଗସ୍ତ କରି ମାନ୍ୟବର  ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରି ଏ ପ୍ରସଙ୍ଗରେ ଆଲୋଚନା କରିବା ସହିତ ମଇ ୨୧ ତାରିଖରେ ସେ ମଧ୍ୟ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କ ସହିତ ଏକ ବୈଠକରେ ଯୋଗ ଦେଇଥିଲେ  ।

ପଠାଣି ରାଉତ

ମୁଖ୍ୟ ଶାସନ ସଚିବଙ୍କ ଲୋକ ସଂପର୍କ ଅଧିକାରୀ